ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

News ID-IPR/STSC (OD)/100/30-04-2022

# ଆଦିବାସୀ ମେଳା ସରି ସରି ଆସୁଛି

ଭୁବନେଶ୍ୱର, ତା.୩୦/୦୪/୨୦୨୨

ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ, ସଂଖ୍ୟାଲଘୁ ଓ ପଛୁଆବର୍ଗ କଲ୍ୟାଣ ବିଭାଗ ଆନୁକୂଲ୍ୟରେ ଅପ୍ରେଲ ୨୩ ତାରିଖରୁ ଚାଲିଥିବା ଆଦିବାସୀ ମେଳା ଆଜି ଅଷ୍ଟମ ଦିନରେ ପହଞ୍ଚିଛି । ଏହି ମେଳାରେ ରାଜ୍ୟର ଜନଜାତି ସ୍ୱୟଂ ସହାୟକ ଗୋଷ୍ଠୀର ସଦସ୍ୟାମାନେ ସେମାନଙ୍କ ଉତ୍ପାଦିତ ଓ ସଂଗୃହୀତ ସାମଗ୍ରୀର ବିପଣି ଖୋଲିଛନ୍ତି । ଆଦିବାସୀମାନଙ୍କ ଦ୍ୱାରା ପ୍ରସ୍ତୁତ କଳା, ହସ୍ତଶିଳ୍ପ, କୃଷିଜାତ ସାମଗ୍ରୀକୁ ରାଜଧାନୀବାସୀ ଦେଖିବା ଓ କିଣିବା ପାଇଁ ଏହି ମେଳା ଜରିଆରେ ଅପୂର୍ବ ସୁଯୋଗ ସୃଷ୍ଟି ହୋଇଛି । ଏଥିରେ ସମୁଦାୟ ୧୦୦ଟି ଷ୍ଟଲ ଖୋଲିଥିବାବେଳେ ଏ ସବୁରେ ଜନଜାତି ବର୍ଗର କଳାକୁଶଳତା ଓ ଜୀବିକାନିର୍ବାହ ପ୍ରଣାଳୀ ସଂପର୍କରେ ଦର୍ଶକମାନେ ବହୁ ତଥ୍ୟ ଜାଣି ପାରୁଛନ୍ତି । ବର୍ତ୍ତମାନ ଜନଜାତି ବର୍ଗ ଦ୍ୱାରା ଉତ୍ପାଦିତ ସାମଗ୍ରୀଗୁଡ଼ିକର ବଜାର ଚାହିଦା ଆଶାତୀତ ଭାବରେ ବୃଦ୍ଧି ପାଇଛି । ସହରାଞ୍ଚଳରେ ଏହିସବୁ ସାମଗ୍ରୀ ଉପଲବ୍ଧ ହେବା କଷ୍ଟକର ହେଉଥିବାରୁ ରାଜଧାନୀକୁ ଆସିଥିବା ଆଦିବାସୀ ମେଳା ଏଥିପାଇଁ ବିରଳ ସୁଯୋଗ ଆଣିଦେଇଛି । ଆଦିବାସୀମାନଙ୍କ ଦ୍ୱାରା ପ୍ରସ୍ତୁତ ସାମଗ୍ରୀଗୁଡ଼ିକର ଜୈବିକ ଗୁଣ ଏ ଯାବତ୍ ଅକ୍ଷୁଣ୍ଣ ରହିଛି ବୋଲି ଲୋକଙ୍କ ମନରେ ଯେଉଁ ଦୃଢ଼ ଧାରଣା ରହିଛି, ତାହା ହିଁ ଜନସାଧାରଣଙ୍କୁ ଅଧିକ ସଂଖ୍ୟାରେ ଆକୃଷ୍ଟ କରୁଛି ଆଦିବାସୀ ମେଳାକୁ । ଗ୍ରାହକମାନଙ୍କର ଭିଡ଼ ଯୋଗୁଁ କିଛି ସମୟ ଚଳଚଞ୍ଚଳ ହୋଇଉଠୁଛି ମେଳା ପରିସର । ଚଳିତ ବର୍ଷ ଆଦିବାସୀ ମେଳାର ଏକ ବଡ଼ ବିଶେଷତ୍ୱ ହେଉଛି, ରାଜ୍ୟର ପୁରପଲ୍ଲୀରେ ପରିବ୍ୟାପ୍ତ ହୋଇଥିବା ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାଙ୍କ ବ୍ୟାପକ ଅଂଶଗ୍ରହଣ । ବିଭିନ୍ନ ଜିଲ୍ଲାର ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା (ଆଇଟିଡିଏ) ସହାୟତାରେ ସେମାନେ ମେଳା ପରିସରକୁ ଆସି ବେପାରବାଣିଜ୍ୟର ପସରା ମେଲାଇ ଦେଇଛନ୍ତି । ଆଦିବାସୀମାନଙ୍କ ଦ୍ୱାରା ଉତ୍ପାଦିତ ଖାଦ୍ୟଶସ୍ୟ ଯଥା-ବାସୁମତୀ ଚାଉଳ, ମୁଗ, ବିରି, ମାଣ୍ଡିଆ, ପାଲୁଅ, ରାଶି ଆଦି କିଣିବାକୁ ଦର୍ଶକଙ୍କ ଯେତିକି ଆଗ୍ରହ ପରିଲକ୍ଷିତ ହେଉଛି, ସେତିକି ଆଗ୍ରହ ରହୁଛି ସେମାନଙ୍କ ଦ୍ୱାରା ପ୍ରସ୍ତୁତ ବଡ଼ି, ପାମ୍ପଡ଼, ଆଚାର, ହଳଦୀଗୁଣ୍ଡ ଓ ଫୁଲଝାଡୁ ଆଦି କିଣିବା ପାଇଁ ।

ଆଜି ସନ୍ଧ୍ୟାରେ ମୁଖ୍ୟ ମଂଚରେ ରାଇରଙ୍ଗପୁର ଅଞ୍ଚଳର ଭୂମିଜ ନାଚ ଏବଂ କଲସୀ ନାଚ, କରଞ୍ଜିଆର ହୋ ନାଚ, ବାରିପଦାର ବାଥୁଡ଼ି ନାଚ, ଚନ୍ଦ୍ରଗିରିର ସଉରା ନାଚ ଏବଂ ବାରିପଦାର ଝମର ନାଚ ପ୍ରଦର୍ଶନ ଦର୍ଶକମାନଙ୍କର ଆକର୍ଷଣର କେନ୍ଦ୍ରବିନ୍ଦୁ ହୋଇଥିଲା ।

ଡକ୍ଟର ଜ୍ୟୋତିର୍ମୟୀ ସାମନ୍ତରାୟ
ସୂଚନା ଅଧିକାରୀ